PR No- 1861
dt. 24.07.2025

## ତହସିଲଦାରଙ୍କ କାର୍ଯ୍ୟାଳୟ, ମୋରଡା

ଇସ୍ତାହାର (D.R. Case No. 01/2025)

ଏତଦ୍ବାରା ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନ ତଫସିଲ ବର୍ଣ୍ଣିତ ଜମି ନିମ୍ନ ଆବେଦନକାରୀଙ୍କୁ ହସ୍ତାନ୍ତର କରିବାର ପ୍ରସ୍ତାବ ହୋଇଅଛି । ଏଥିରେ ଆବେଦନକାରୀ ଙ୍କ ନାମ, ଠିକଣା ଏବଂ ପ୍ରସ୍ତାବିତ ଜମିର ଖାତା ନଂ, ପ୍ଲଟ ନଂ, କିସମ, ଜମିର ପରିମାଣ ଉଲ୍ଲେଖ କରାଯାଇଅଛି । ଯେହେତୁ ଉକ୍ତ ଜମି ସରକାରୀ ରକ୍ଷିତ ଖାତା ଏବଂ କିସମ ଗୋଚର ଅଛି ତେଣୁ ତାହାର ପରିବର୍ତ୍ତନ ଆବଶ୍ୟକ ହେଉଅଛି । ଏଣୁ ଏହି ଖାତା ଏବଂ କିସମ ପରିବର୍ତ୍ତନରେ କାହାର କୌଣସି ଆପତ୍ତି ଅଭିଯୋଗ ଥିଲେ ଇସ୍ତାହାର ଜାରି ହେବାର ପନ୍ଦର (୧୫) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଆବଶ୍ୟକ କୋର୍ଟ ଫି ଲଗାଇ ଲିଖିତ ଆକାରରେ ଆପତ୍ତି ଅଭିଯୋଗ ଜଣାଇବେ । ମିଆଦ ଗତେ କୌଣସି ଆପତ୍ତି ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

### ତଫସିଲ

ମୌଜାର ନାମ- ସିଳଦା ଥାନାର ନାମ- ମୋରଡା ନଂ- ୫୨

| ଖାତା ନଂ | ପ୍ଲଟ ନଂ | ରକବା | କିସମ | ପ୍ରସ୍ତାବିତ | ଆବେଦନକାରୀଙ୍କ ନାମ ଏବଂ ଠିକଣା |
|---|---|---|---|---|---|
| ୪୩୧ | ୨୬୬୮/୧ | ଏ ୧.୨୦ | ଗୋଚର | ପତିତ | ବାଣିଜ୍ୟ ଏବଂ ପରିବହନ ବିଭାଗ, ଓଡିଶା, ଭୁବନେଶ୍ୱର |
| ମୋଟ | | ଏ ୧.୨୦ | | | |

ଏହାର ଏକକିତା ନକଲ ସିଳଦା ମୌଜାରେ ଢେଙ୍କୁରା ଦ୍ୱାରା ଜାରି କରିବାକୁ ପଠାଗଲା । ଏହାର ଏକକିତା ନକଲ ଗୋଷ୍ଠୀଉନ୍ନୟନ ଅଧିକାରୀ, ମୋରଡା / ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ, ଚିତ୍ରଡା/ ରାଜସ୍ୱ ନିରୀକ୍ଷକ, ଚିତ୍ରଡାଙ୍କ ନୋଟିସ ବୋର୍ଡରେ ପ୍ରକାଶନ କରିବାକୁ ପଠାଗଲା । ସେମାନଙ୍କ ମତାମତ ଯଦିଥାଏ, ତେବେ ନିର୍ଦ୍ଧାରିତ ତାରିଖ ମଧ୍ୟରେ ପଠାଇବାକୁ ଅନୁରୋଧ ।

ଏହାର ଏକକିତା ନକଲ ମୋରଡା ତହସିଲ ଅଫିସ ନୋଟିସ ବୋର୍ଡରେ ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀ, ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ ବାରିପଦାଙ୍କ ଅବଗତି ଏବଂ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜାରି କରାଗଲା ।

ତହସିଲଦାର, ମୋରଡା ।